**ମା' ତାରିଣୀ ଠାକୁରାଣୀ ମନ୍ଦିର ଟ୍ରଷ୍ଟ, ଘଟଗାଁ, କେନ୍ଦୁଝର**

**<u>ଟେଣ୍ଡର ନିୟମାବଳୀ ୨୦୧୭-୧୮</u>**

୧-ଓଡିଶା ହିନ୍ଦୁ ଦେବୋତ୍ତର ଆଇନ ଅନୁଯାୟୀ ମନ୍ଦିରର ନିଯୁକ୍ତ ଥିବା ସଦସ୍ୟଙ୍କ ଆତ୍ମୀୟ/ସଂପର୍କୀୟ/ଉତ୍ତରାଧିକାରୀ ଏହି ଟେଣ୍ଡରରେ ଅଂଶଗ୍ରହଣ କରିପାରିବେ ନାହିଁ ।

୨-ଅମାନତ ରାଶି ଦେୟ "ମା' ତାରିଣୀ ଠାକୁରାଣୀ, ଘଟଗାଁ "ଙ୍କ ନାମେ ବ୍ୟାଙ୍କଡ୍ରାଫ୍ଟ ଆକାରରେ କରି ଟେଣ୍ଡରରେ ଅଂଶଗ୍ରହଣ କରିପାରିବେ । ବ୍ୟାଙ୍କଡ୍ରାଫ୍ଟ ପଛପାର୍ଶ୍ୱରେ ଆବେଦନକାରୀ ପୁରା ଦସ୍ତଖତ କରିବେ । ଗୋଟିଏ ବିଭାଗ ପାଇଁ ଗୋଟିଏ ଆବେଦନ ଫର୍ମ ଓ ଗୋଟିଏ ବ୍ୟାଙ୍କଡ୍ରାଫ୍ଟ ଦେବେ । ଯାହାଙ୍କ ନାମେ ଟେଣ୍ଡର ସ୍ଥିର ହେବ ଟେଣ୍ଡରର ଅବଧି ସମାପ୍ତ ପରେ ମନ୍ଦିର କର୍ତ୍ତୃପକ୍ଷଙ୍କ ଠାରୁ ସେ ନୋ ଅବ୍‌ଜେକ୍‌ସନ ସାର୍ଟିଫିକେଟ୍ ନେବା ପରେ ତାଙ୍କର ଅମାନତ ରାଶି ଫେରସ୍ତ ପାଇବେ । ପୂର୍ବରୁ ଦାଖଲ କରିଥିବା ଅମାନତ ରାଶି ଏହି ଟେଣ୍ଡର ପ୍ରକ୍ରିୟାରେ ଆଡଜଷ୍ଟମେଣ୍ଟ ହେବ ନାହିଁ ।

୩- ଟେଣ୍ଡରର ଅବଧି ମଧ୍ୟରେ ମନ୍ଦିର ପ୍ରଶାସନ ଆବଶ୍ୟକତା ଅନୁଯାୟୀ ନେଉଥିବା ପଦକ୍ଷେପ ଯଥା-ଗାଡି ପାର୍କିଂର ସ୍ଥାନ ପରିବର୍ତ୍ତନ, ଗାଡି ପୂଜାର ସ୍ଥାନ ପରିବର୍ତ୍ତନ, ପୂଜା ଓ ଦର୍ଶନ ଆଦିର ବ୍ୟବସ୍ଥା ସମ୍ବନ୍ଧରେ ଟେଣ୍ଡରଧାରୀ କୌଣସି ଆପତ୍ତି କରିପାରିବେ ନାହିଁ । ଭକ୍ତମାନଙ୍କ ଶୃଙ୍ଖଳାଗତ ପୂଜା ବା ଦର୍ଶନ ପାଇଁ ମନ୍ଦିର ପ୍ରଶାସନ ନିଷ୍ପତ୍ତି ଚୁଡାନ୍ତ ଓ ନିୟମାବଳୀରେ ଆବଶ୍ୟକୀୟ ନୂତନ ନିୟମ ଯୋଗ କରିପାରିବେ ।

୪-ଯାହାଙ୍କ ନାମେ ଟେଣ୍ଡର ସ୍ଥିର ହେବ ସେ ମୋଟ ଟେଣ୍ଡର ମୂଲ୍ୟକୁ ୨୪ଘଣ୍ଟା ମଧ୍ୟରେ ସଂପୂର୍ଣ୍ଣ ଭାବେ ନଗଦ ଟଙ୍କା/ଡିମାଣ୍ଡ ଡ୍ରାଫ୍ଟ/ବ୍ୟାଙ୍କର୍ସ ଚେକ୍/ଅନ୍‌ଲାଇନ୍ ଟ୍ରାନ୍ସଫର୍ ମାଧ୍ୟମରେ ମା' ତାରିଣୀଙ୍କ ଆକାଉଣ୍ଟରେ ଦାଖଲ କରିବେ । ନଚେତ୍ ତାଙ୍କ ଅମାନତ ରାଶିକୁ ବ୍ୟାଜାପ୍ତି କରାଯାଇ ସେହି ଟେଣ୍ଡରକୁ ନାକଚ କରାଯିବ । ନାକଚ ହୋଇଥିବା ଟେଣ୍ଡର ପାଇଁ ପରବର୍ତ୍ତୀ ତାରିଖରେ ପୁନର୍ବାର ଟେଣ୍ଡର ଆବେଦନ କରିପାରିବେ । ଯେଉଁ ବ୍ୟକ୍ତିଙ୍କର ଟେଣ୍ଡର ନାକଚ ହୋଇଥିବ ସେ ବା ତାଙ୍କ ସଂପର୍କୀୟ/ଉତ୍ତରାଧିକାରୀ ପରବର୍ତ୍ତୀ ପର୍ଯ୍ୟାୟରେ ଆବେଦନ କରିପାରିବେ ନାହିଁ । ଅନ୍ୟ ଆବେଦନକାରୀମାନେ ସେମାନଙ୍କର ଅମାନତ ଦେୟର ବ୍ୟାଙ୍କଡ୍ରାଫ୍ଟ ଫେରସ୍ତ ନେଇ ପୁନର୍ବାର ପରବର୍ତ୍ତୀ ପର୍ଯ୍ୟାୟରେ ନୂତନ ଭାବେ ଆବେଦନ ଫର୍ମ କ୍ରୟ କରି ଆବେଦନ କରିପାରିବେ ।

୫- ପୂଜାସାମଗ୍ରୀ ଦୋକାନରେ ମନ୍ଦିର କାର୍ଯ୍ୟାଳୟର ଆବେଦନ ଫର୍ମ ସହିତ ସଂଯୁକ୍ତ ଥିବା ଅନୁମୋଦିତ ମୂଲ୍ୟସୂଚୀ ଅନୁଯାୟୀ ସର୍ବଦା ପୂଜା ସାମଗ୍ରୀ ବିକ୍ରି କରିବେ । ମନ୍ଦିର ତରଫରୁ ଉକ୍ତ ଅନୁମୋଦିତ ମୂଲ୍ୟସୂଚୀକୁ ଇଲେକ୍ଟ୍ରୋନିକ୍ସ ବିଲିଙ୍ଗ୍ ମେସିନରେ ଫିଡିଙ୍ଗ୍ କରାଯିବ ଓ ଟେଣ୍ଡରଧାରୀ ଏକ ସାଇନ୍‌ବୋର୍ଡ ଲେଖି ନିଜ ଦୋକାନ ସମ୍ମୁଖରେ ଲଗାଇବେ । ଟେଣ୍ଡରଧାରୀ ଭୋଗ କିଣୁଥିବା ପ୍ରତି ଭକ୍ତଙ୍କୁ ବିଲ୍ ଦେବେ । ଅନୁମୋଦିତ ତାଲିକା ବ୍ୟତୀତ ଅନ୍ୟ କୌଣସି ସାମଗ୍ରୀ ରଖି ପାରିବେ ନାହିଁ । ଏଥିରେ ଟେଣ୍ଡରଧାରୀଙ୍କ ବିରୁଦ୍ଧରେ ଅଭିଯୋଗ ହେଲେ ତାଙ୍କ ଟେଣ୍ଡର ନାକଚ କରାଯାଇ ସିକ୍ୟୁରିଟି ଅର୍ଥ ବ୍ୟାଜାପ୍ତି କରାଯିବା ସହିତ ଥାନାରେ ଏତଲା ରୁଜୁ କରାଯିବ ।

୬- ଫଟୋ ଦୋକାନ ପାଇଁ ଆବେଦନ କରିବା ସମୟରେ ମନ୍ଦିରରେ ବିକ୍ରି ଉପଯୁକ୍ତ ଫଟୋ ସାମଗ୍ରୀର ତାଲିକା ଓ ବିକ୍ରି ମୂଲ୍ୟ ଆବେଦନ ଫର୍ମରେ ସଂଯୁକ୍ତ ଥିବା ଖାଲି ସ୍ଥାନରେ ପୂରଣ କରିବେ । କ୍ର.ନଂ-୫ରେ ଥିବା ନିୟମ ଫଟୋ ଦୋକାନ ପାଇଁ ବଳବତ୍ତର ରହିବ ।

୭-ଯାହାଙ୍କ ନାମେ ଟେଣ୍ଡର ଆଦେଶ ସ୍ଥିର ହେବ ସେ ଟେଣ୍ଡର ଚୂଡାନ୍ତ ହେବା ଦିନ ଠାରୁ ୫ଦିନ ଭିତରେ ସ୍ଥାନୀୟ ଏକ୍‌ଜିକ୍ୟୁଟିଭ୍ ମାଜିଷ୍ଟ୍ରେଟ୍‌ଙ୍କ ଠାରୁ ଏକ ଚୁକ୍ତିନାମା ଆଫିଡେଭିଟ୍ କରି ଅତ୍ର କାର୍ଯ୍ୟାଳୟରେ ପ୍ରଦାନ କରିବେ ଏବଂ ଅନୁମୋଦିତ ବିକ୍ରିମୂଲ୍ୟର ସାଇନ୍‌ବୋର୍ଡ ନିମ୍ନ ସ୍ୱାକ୍ଷରକାରୀଙ୍କ ନିକଟରୁ ଯାଞ୍ଚ କରାଇ ନେବେ ।

୮-ମନ୍ଦିର ବିରୁଦ୍ଧରେ ଆଇନ୍‌ର ଆଶ୍ରୟ ନେଇଥିବା ବ୍ୟକ୍ତି ଏହି ଟେଣ୍ଡରରେ ଅଂଶଗ୍ରହଣ କରିପାରିବେ ନାହିଁ ।

୯- ମନ୍ଦିର ପରିସର ସଫେଇ କାର୍ଯ୍ୟ ଟେଣ୍ଡର ପାଇଁ କେବଳ ସରକାରଙ୍କ ସ୍ୱୀକୃତିପ୍ରାପ୍ତ ସ୍ୱେଚ୍ଛାସେବୀ ସଂସ୍ଥା ଆବେଦନ କରିପାରିବେ ।

୧୦-ମନ୍ଦିରରେ ଟେଣ୍ଡର ନେଉଥିବା ବ୍ୟକ୍ତି ଓ ଟେଣ୍ଡରଧାରୀଙ୍କ ଦ୍ୱାରା ସମସ୍ତ ଦୋକାନ/ଚୁଲିପକା/ମନ୍ଦିର ସଫେଇ ଇତ୍ୟାଦି କାର୍ଯ୍ୟରେ ନିୟୋଜିତ ବ୍ୟକ୍ତି ପାନ, ତମାଖୁ, ଗୁଟ୍‌ଖା, ଖଇନି ଓ କୌଣସି ପ୍ରକାର ନିଶାଦ୍ରବ୍ୟ ସେବନ କରୁନଥିବାର ଡାକ୍ତରୀ ସାର୍ଟିଫିକେଟ ଓ ଫଟୋ ପରିଚୟ ପତ୍ରର ଜେରକ୍ସ କପି ପ୍ରଦାନ କରିବେ । ଏଥିରେ ଖିଲାପ କଲେ ଟେଣ୍ଡର ନାକଚ କରାଯାଇ ସିକ୍ୟୁରିଟି ଅର୍ଥ ବ୍ୟାଜାପ୍ତି କରାଯିବା ସହିତ ଥାନାରେ ଏତଲା ରୁଜୁ କରାଯିବ ।

୧୧- ସିଦ୍ଧାନ୍ତ ହୋଇଥିବା ଡେକରାଟି ସାମଗ୍ରୀ ଗୁଡିକର ଟେଣ୍ଡର ମୂଲ୍ୟ ପ୍ରତି ତିନି ମାସରେ ଥରେ ବଜାର ମୂଲ୍ୟକୁ ତଦାରଖ କରି ନବୀକରଣ କରାଯିବ । ଯାହାଙ୍କ ନାମେ ଟେଣ୍ଡର ଆଦେଶ ସ୍ଥିର ହେବ ସେ ମୂଲ୍ୟ ତାଲିକା ଅନୁଯାୟୀ ସମସ୍ତ ସାମଗ୍ରୀର ନମୁନା ଟ୍ରଷ୍ଟ କାର୍ଯ୍ୟାଳୟରେ ପ୍ରଦାନ କରିବେ ।

୧୨- ଟେଣ୍ଡର ନେଉଥିବା ବ୍ୟକ୍ତି କୌଣସି ପ୍ରକାର ଆଇନ୍‌ର ଆଶ୍ରୟ ନେବେ ନାହିଁ କିମ୍ବା ମନ୍ଦିର ପରିଚାଳନା କମିଟିର ବିରୁଦ୍ଧାଚରଣ କରିପାରିବେ ନାହିଁ ।

୧୩-ପରିଚାଳନା କମିଟିର ନିଷ୍ପତ୍ତି ହିଁ ଚୁଡାନ୍ତ ନିଷ୍ପତ୍ତି । ପରିଚାଳନା କମିଟି ଚାହିଁଲେ ବିନା କୌଣସି କାରଣରେ ଏହି ଟେଣ୍ଡର ନାକଚ କିମ୍ବା ପରିବର୍ତ୍ତନ କରିପାରିବେ ।

କାର୍ଯ୍ୟନିର୍ବାହୀ ଅଧିକାରୀ
ମା' ତାରିଣୀ ଠାକୁରାଣୀ ମନ୍ଦିର ଟ୍ରଷ୍ଟ,
ଘଟଗାଁ, କେନ୍ଦୁଝର ।